# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**18 June – 2025**

## ମୁଖ୍ୟମନ୍ତ୍ରୀ–ଶକ୍ତିସମାବେଶ

ରାଜ୍ୟ ସରକାରଙ୍କ ଏକବର୍ଷ ପୂର୍ତ୍ତି ପାଳନ ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଆଜି ମୟୂରଭଞ୍ଜ ଜିଲ୍ଲାର ବାରିପଦା ଛଉପଡ଼ିଆରେ ଆଦିବାସୀ ଶକ୍ତି ସମାବେଶକୁ ଉଦ୍‌ଘାଟନ କରିବେ। କାର୍ଯ୍ୟକ୍ରମରେ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାୟକ, ଅନୁସୂଚିତ ଜାତି ଓ ଜାତି ଉନ୍ନୟନମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ନଗର ଉନ୍ନୟନମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ଏବଂ ଜଙ୍ଗଲ ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ ଯୋଗଦେବାର କାର୍ଯ୍ୟସୂଚୀ ରହିଛି ।

## ପ୍ରଧାନମନ୍ତ୍ରୀଙ୍କ ଗସ୍ତ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଓଡ଼ିଶା ଗସ୍ତକୁ ଦୃଷ୍ଟିରେ ରଖି ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଲୋକସେବା ସମ୍ମିଳନୀ କକ୍ଷରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ପ୍ରଧାନମନ୍ତ୍ରୀଙ୍କ ଗସ୍ତ ସମୟରେ ସୁରକ୍ଷା ବ୍ୟବସ୍ଥା, କାର୍ଯ୍ୟକ୍ରମର ଶୃଙ୍ଖଳିତ ସଂପାଦନ ଆଦି ସଂପର୍କରେ ଆଲୋଚନା ହୋଇଯାଇଛି । ସୂଚନା ଅନୁସାରେ ଶ୍ରୀ ମୋଦୀ ଆସନ୍ତା ୨୦ ତାରିଖ ଶୁକ୍ରବାର ଦିନ ଭୁବନେଶ୍ୱର ବିମାନ ବନ୍ଦରଠାରେ ଅପରାହ୍ନରେ ପହଞ୍ଚିବେ । ଏହା ପରେ ଏକ ରୋଡ୍‌ଶୋ କାର୍ଯ୍ୟକ୍ରମରେ ଯୋଗ ଦେବେ । ମୁଖ୍ୟମନ୍ତ୍ରୀ ମୋହନ ଚରଣ

ମାଝୀଙ୍କ ନେତୃତ୍ୱରେ ରାଜ୍ୟ ସରକାରଙ୍କ ଏକବର୍ଷ ପୂର୍ତ୍ତି ପାଳନ ଅବସରରେ ଜନତା ମଇଦାନଠାରେ ସାଧାରଣ ସଭାକୁ ପ୍ରଧାନମନ୍ତ୍ରୀ ଉଦ୍‌ବୋଧନ ଦେବେ ବୋଲି ସୂଚନା ମିଳିଛି ।

---

## ସ୍ୱାସ୍ଥ୍ୟମନ୍ତ୍ରୀ

ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ସଂକ୍ରମଣ ନିୟନ୍ତ୍ରଣରେ ରହିଛି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କହିଛନ୍ତି । ମନ୍ତ୍ରୀ କହିଛନ୍ତି, ଜିଲ୍ଲାରେ ସଂକ୍ରମଣକୁ ରୋକିବା ପାଇଁ ସରକାରଙ୍କ ପକ୍ଷରୁ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯାଉଛି । ଏଥିପାଇଁ ବିଶେଷଜ୍ଞ ଦଳକୁ ମଧ୍ୟ ବିଭିନ୍ନ ସ୍ଥାନରେ ନିୟୋଜିତ କରାଯାଇଛି ।

**V/O**

---

## ମୁଖ୍ୟ ଶାସନ ସଚିବ-ଡାଇରିଆ ସମୀକ୍ଷା

ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଯାଜପୁର, କେନ୍ଦୁଝର, ଭଦ୍ରକ, କଟକ ଓ ଢେଙ୍କାନାଳ ଜିଲ୍ଲାରେ ଦେଖାଦେଇଥିବା ଝାଡ଼ାବାନ୍ତି ସ୍ଥିତିର ସମୀକ୍ଷା କରିଛନ୍ତି । ଭୁବନେଶ୍ୱର ଲୋକସେବା ଭବନଠାରେ ଅନୁଷ୍ଠିତ ବୈଠକରେ ମୁଖ୍ୟ ଶାସନ ସଚିବ ସଂକ୍ରମଣ ରୋଗର ମୁକାବିଲା ପାଇଁ ସଚେତନତା ମୂଳକ କାର୍ଯ୍ୟକ୍ରମ ଜାରି ରଖିବା, ନିୟମିତ ବ୍ୟବଧାନରେ ଜଳ ଉତ୍ସଗୁଡ଼ିକୁ ବିଶୋଧନ କରିବା, କ୍ଷେତ୍ରସ୍ତରରେ ନିୟମିତ ଭାବେ ସ୍ଥିତି ଅନୁଧ୍ୟାନ କରିବା ପାଇଁ ଜିଲ୍ଲାପାଳମାନଙ୍କୁ ପରାମର୍ଶ ଦେଇଛନ୍ତି ।

---

## ଆମ୍ବୁଲାନ୍ସ ସେବା

ଓଡ଼ିଶା ଯାତ୍ରୀ ଆପ୍‌ରେ ଅନ୍‌ଲାଇନ୍‌ରେ ଆମ୍ବୁଲାନ୍ସ ସେବା ଉପଲବ୍ଧ ହେବ ବୋଲି ବାଣିଜ୍ୟ ଓ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା ସୂଚନା ଦେଇଛନ୍ତି । ମନ୍ତ୍ରୀ କହିଛନ୍ତି, କ୍ଲଟ୍ ସହାୟତାରେ ଏହାକୁ ପରିଚାଳନା କରାଯିବ । ଏହାଦ୍ୱାରା ସରକାରୀ ଆମ୍ବୁଲାନ୍ସ ସହ ସାଧାରଣ ଲୋକ ଘରୋଇ ଆମ୍ବୁଲାନ୍ସ ସେବା ପାଇପାରିବେ । ଏ ନେଇ ଖୁବ୍ ଶୀଘ୍ର ପ୍ରକ୍ରିୟା ଆରମ୍ଭ ହେବ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି ।

---

## କର୍ମଶାଳା-ପୋଲିସ୍ ମହାନିର୍ଦ୍ଦେଶକ

ବିଜୁ ପଟ୍ଟନାୟକ ରାଜ୍ୟ ପୋଲିସ୍ ଏକାଡେମୀ ପକ୍ଷରୁ ଭୁବନେଶ୍ୱରସ୍ଥିତ ପୋଲିସ୍ ଭବନଠାରେ ନୂତନ ଅପରାଧିକ ଆଇନ ସଂପର୍କିତ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ପୋଲିସ୍ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ କର୍ମଶାଳାକୁ ଉଦ୍‌ଘାଟନ କରିବା ସହ ୩ଟି ନୂତନ ଆଇନର ମୌଳିକ ଉପାଦାନ ସଂପର୍କରେ ଆଲୋକପାତ କରିଥିଲେ ।

---

## ବିକଶିତ ଓଡ଼ିଶା-କର୍ମଶାଳା

ଭଦ୍ରକ ଜିଲ୍ଲା ପ୍ରଶାସନ ପକ୍ଷରୁ ଚରମ୍ପାଠାରେ ୨୦୩୬ରେ ବିକଶିତ ଓଡ଼ିଶା ଏବଂ ୨୦୪୭ରେ ବିକଶିତ ଭାରତ ଭିଜନ ପ୍ରସ୍ତୁତି ନେଇ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଏଥିରେ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ରାଜ୍ୟ ସରକାରଙ୍କ ଏକବର୍ଷ ପୂର୍ତ୍ତି ଏବଂ କେନ୍ଦ୍ର ସରକାରଙ୍କ ୧୧ ବର୍ଷ ପୂର୍ତ୍ତି

ଉପଲକ୍ଷେ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନାଗୁଡ଼ିକର ସୁଫଳ ବିଷୟରେ ଆଲୋଚନା କରିଥିଲେ ।

## କର୍ମଶାଳା

ନୂଆପଡ଼ାଠାରେ ଜିଲ୍ଲାପାଳ ମଧୁସୂଦନ ଦାସଙ୍କ ଅଧ୍ୟକ୍ଷତାରେ ମିଳିତ ଜାତିସଂଘ ଅନ୍ତର୍ଗତ ବିଶ୍ୱ ଖାଦ୍ୟ କାର୍ଯ୍ୟକ୍ରମରେ ଜଳବାୟୁ ସ୍ଥିରତା ପାଇଁ ଅନୁକୂଳ ପରିବେଶ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଜଳବାୟୁ ପରିବର୍ତ୍ତନ ସହ ସମନ୍ୱୟ ରକ୍ଷା ପାଇଁ କ୍ଷୁଦ୍ର ଓ ନାମମାତ୍ର ଚାଷୀମାନଙ୍କ ଦକ୍ଷତା ବୃଦ୍ଧି କରିବା ଏହି କର୍ମଶାଳାର ମୁଖ୍ୟ ଉଦ୍ଦେଶ୍ୟ ରହିଛି ।

## ବିକାଶମେଳା

ସୁବର୍ଣ୍ଣପୁରର ରୟାଲ୍ ପଡ଼ିଆଠାରେ ଚାଲିଥିବା ଜିଲ୍ଲାସ୍ତରୀୟ ବିକାଶ ମେଳାରେ ଗତକାଲି ସାମାଜିକ ସୁରକ୍ଷା ଯୋଜନାରେ ୩ଟି ଦିବ୍ୟାଙ୍ଗ ଦମ୍ପତିଙ୍କୁ ବିବାହ ପ୍ରୋତ୍ସାହନ ରାଶି ପ୍ରଦାନ କରାଯାଇଥିଲା ।

ବ୍ରହ୍ମପୁର ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟ ଖେଳପଡ଼ିଆଠାରେ ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ଚାଲିଥିବା ବିକାଶମେଳାରେ ଆୟୋଜିତ ସାଂସ୍କୃତିକ କାର୍ଯ୍ୟକ୍ରମ ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରିଛି । ଦାସକାଠିଆ, ରଣପା, ଓଡ଼ିଶୀ, ସମ୍ବଲପୁରୀ ସମେତ ବିଭିନ୍ନ ଲୋକନୃତ୍ୟ ପରିବେଷଣ କରାଯାଇଛି ।

# ଓଷୁଅ ଲାଗି

ପବିତ୍ର ସ୍ନାନଯାତ୍ରାରେ ସ୍ନାନ କରିବା ପରେ ଜ୍ୱରରେ ପୀଡ଼ିତ ଦାରୁଦିଅଁଙ୍କ ପାଇଁ ଅଣସରର ଷଷ୍ଠ ଦିନରେ ଓଷୁଅ ଲାଗି କରାଯାଇଛି । ଶୁଦ୍ଧ ସୁଆର ସେବକମାନେ ପ୍ରସ୍ତୁତ କରିଥିବା ଓଷୁଅକୁ ଦଇତାପତି ସେବକମାନେ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲେପନ କରିଛନ୍ତି । ଓଷୁଅ ଲାଗି ଦ୍ୱାରା ମହାପ୍ରଭୁ ସୁସ୍ଥ ଅନୁଭବ କରନ୍ତି ବୋଲି ବିଶ୍ୱାସ ରହିଛି । କୃଷ୍ଣ ଷଷ୍ଠୀଠାରୁ ନବମୀ ପର୍ଯ୍ୟନ୍ତ ଶ୍ରୀବିଗ୍ରହମାନଙ୍କୁ ଓଷୁଅ ଲାଗି କରିବାର ପରମ୍ପରା ରହିଛି ।

---

# ପାଣିପାଗ

ଦକ୍ଷିଣ-ପଶ୍ଚିମ ବାଂଲାଦେଶ ଓ ଏହାର ସଂଲଗ୍ନ ଅଞ୍ଚଳରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି । ଏହା ସହ ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ସମଗ୍ର ରାଜ୍ୟରେ ଅଗ୍ରସର ହୋଇଛି । ଏହାର ପ୍ରଭାବରେ ରାଜ୍ୟରେ ଆସନ୍ତା ୩ ଦିନ ପର୍ଯ୍ୟନ୍ତ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ୧୪ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

---